# ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠା ଦିବସ




ରବିବାର ସମ୍ବଲପୁର ତପସ୍ୱିନୀ ପ୍ରେକ୍ଷାଳୟରେ ଓଡିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା ଦିବସରେ ଅତିଥିମାନେ ପ୍ରୋଫାଇଲ୍- ୨୦୧୮ ଉନ୍ମୋଚନ କରୁଛନ୍ତି ।

**ସମ୍ବଲପୁର, ୧୦।୬ (ବ୍ୟୁରୋ)** ଓଡିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟର ତୃତୀୟ ପ୍ରତିଷ୍ଠା ଦିବସ ରବିବାର ତପସ୍ୱିନୀ ପ୍ରେକ୍ଷାଳୟରେ ଅନୁଷ୍ଠିତ ହୋଇଯାଇଛି । କୁଳପତି ପ୍ରଫେସର ଶ୍ରୀକାନ୍ତ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଉତ୍ସବ ଆୟୋଜିତ ହୋଇଥିଲା । ଏମ୍‌କେସିଏଲ ପରିଚାଳନା ନିର୍ଦ୍ଦେଶକ ବିବେକ ସାମନ୍ତ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ । ସେହିପରି ସମ୍ବଲପୁର ବିଧାୟିକା ରାସେଶ୍ୱରୀ ପାଣିଗ୍ରାହୀ, ସମ୍ବଲପୁର ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଦୀପକ କୁମାର ବେହେରା, ବୀର ସୁରେନ୍ଦ୍ର ସାଏ ବୈଷୟିକ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଅଟଳ ଚୌଧୁରୀ ସମ୍ମାନୀତ ଅତିଥି ଭାବେ ଯୋଗ ଦେଇଥିଲେ । କୁଳସଚିବ ପ୍ରଫେସର ଜୟନ୍ତ କରଶର୍ମା ସୂଚନା ପ୍ରଦାନ କରିଥିଲେ । ଏହି ଅବସରରେ ଅତିଥିମାନେ ବିଶ୍ୱବିଦ୍ୟାଳୟର ପ୍ରୋଫାଇଲ୍-୨୦୧୮ ଉନ୍ମୋଚନ କରିଥିଲେ ।